भाकृअनुप – राष्ट्रीय चावल अनुसंधान संस्थान
ଭା.କୃ.ଅନୁ.ପ.-ଜାତୀୟ ଧାନ ଗବେଷଣା ଅନୁଷ୍ଠାନ, କଟକ-୭୫୩୦୦୬
(An ISO 9001: 2015 Certified Institute)

# କୃଷି ସୂଚନା ସେବା (ଧାନ)

## ୨୦୨୩ ମସିହା ମାର୍ଚ୍ଚ ମାସ ଦ୍ୱିତୀୟ ପକ୍ଷ ପାଇଁ କାର୍ଯ୍ୟପନ୍ଥା

### ୧) ରୁଆ ଡାଲୁଅ ଧାନ

- ❖ ଘାସ ନିୟନ୍ତ୍ରଣ ପାଇଁ ଘାସ ଉଠିବା ପୂର୍ବରୁ କୌଣସି ଘାସମରା ଔଷଧ ପକାଯାଇନଥିଲେ, ରୋଇବାର ୧୫ ରୁ ୨୦ ଦିନ ମଧ୍ୟରେ ପେନୋକ୍ସୁଲମ୍ ୧.୦୨% + ସାଇହାଲୋଫୋପ-ବ୍ୟୁଟାଇଲ ୫.୧% ୮୦୦ ମି.ଲି. ପ୍ରତି ଏକର ହିସାବରେ ସିଂଚନ କରନ୍ତୁ କିମ୍ବା ୨୦ ଦିନରେ ଥରେ ଓ ୪୦ ଦିନରେ ଆଉଥରେ ହାତରେ ଘାସବାଛି ଦିଅନ୍ତୁ କିମ୍ବା ଯଦି ଧାଡି ରୁଆ ହୋଇଥିବ ତେବେ ଅଙ୍ଗୁଳିବିଦା ଯନ୍ତ୍ର /କୋନୋୱିଡର/ଧାନୱିଡର ସାହାଯ୍ୟରେ ୨୦ ଦିନ ଓ ୪୦ ଦିନରେ ଦୁଇଥର ଘାସ ଦମନ କରନ୍ତୁ ।
- ❖ କାଣ୍ଡବିନ୍ଧାପୋକର ନିରୀକ୍ଷଣ ପାଇଁ ଏକର ପ୍ରତି ୩ ଗୋଟି ଯୌନ ସମ୍ବେଦନଶୀଳ ଯନ୍ତା ରଖନ୍ତୁ । ଯେତେବେଳେ ଗୋଟିଏ ଦିନରେ ଯନ୍ତା ପ୍ରତି ୪ ରୁ ୫ ପୁରୁଷ ପ୍ରଜାପତି ପଡିବେ, ତେବେ ଏକର ପିଛା ନିମ୍ବ ମଞ୍ଜିରୁ ତିଆରି ଔଷଧ ଯଥା ଆଜାଡିରାକ୍ଟିନ୍ ୦.୧୫% ୮୦୦ ମି.ଲି. ଔଷଧ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ କିମ୍ବା କ୍ଲୋରାନଟ୍ରାନିଲିପ୍ରୋଲ ୦.୪% ଜି.ଆର୍ ୪ କେ.ଜି କିମ୍ବା କାର୍ଟାପ୍ ହାଇଡ୍ରୋକ୍ଲୋରାଇଡ୍ ୪ ଜି. ୧୦ କି.ଗ୍ରା. ସମାନ ପରିମାଣର ଶୁଖିଲା ବାଲିରେ ମିଶାଇ ପ୍ରୟୋଗ କରନ୍ତୁ କିମ୍ବା ଏକର ପ୍ରତି ୧୨୦ ମି.ଲି. ଟେଟ୍ରାନିଲିପ୍ରୋଲ ୨୦୦ ଜି/ଏଲ ଏସ୍.ସି. କିମ୍ବା କ୍ଲୋରାନଟ୍ରାନିଲିପ୍ରୋଲ ୧୮.୫%ଏସ୍.ସି. ୬୦ ମି.ଲି. ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।
- ❖ ବିଳମ୍ବରେ ରୁଆ ଯାଇଥିବା ଧାନରେ ପ୍ରଥମ ଶୀର୍ଷସାର ହିସାବରେ ଏକର ପ୍ରତି ୩୫ କି.ଗ୍ରା. ୟୁରିଆ ପିଲ ବାହାରିବା ସମୟରେ (୨୦-୨୫ ଦିନରେ) ପ୍ରୟୋଗ କରନ୍ତୁ । ଠିକ୍ ସମୟରେ ରୁଆଯାଇଥିବା ଧାନରେ ଦ୍ୱିତୀୟ ଶୀର୍ଷସାର ହିସାବରେ ଏକର ପ୍ରତି ୩୫ କି.ଗ୍ରା. ୟୁରିଆ ଏବଂ ୧୧ କି.ଗ୍ରା. ଏମ୍.ଓ.ପି. ପ୍ରୟୋଗ କରନ୍ତୁ ।
- ❖ ଯଦି ମହିଷାରୋଗ ଦେଖାଯାଏ, ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫% + ଟେବୁକୋନାଜୋଲ ୫୦% ଏକର ପ୍ରତି ୮୦ ଗ୍ରାମ୍ କିମ୍ବା ଏଡିଫେନଫସ୍ ୫୦ ଇ.ସି. ଏକର ପ୍ରତି ୨୦୦ ମି.ଲି. କିମ୍ବା ଏକର ପ୍ରତି କାସୁଗାମାଇସିନ୍ ୩ ଏସ୍.ଏଲ୍. ୫୦୦ ମି.ଲି., ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।
- ❖ ଯଦି ପତ୍ରଚିତାରୋଗ ଦେଖାଦିଏ ତେବେ ଏକର ପିଛା ୫୦୦ ଗ୍ରାମ୍ କାର୍ବେଣ୍ଡାଜିମ୍ ୧୨% + ମାଙ୍କୋଜେବ୍ ୬୩% ଡବ୍ଲ୍ୟୁ.ପି. ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ କିମ୍ବା ଏକର ପ୍ରତି ୨୦୦ ମି.ଲି. ପ୍ରୋପିକୋନାଜୋଲ୍ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

୨) କାଦୁଅ ବୁଣା ଡାଲୁଅ ଧାନ

- କାଣ୍ଡବିନ୍ଧା ପୋକ ନିରୀକ୍ଷଣ ପାଇଁ ଏକର ପିଛା ୩ଟି ହିସାବରେ ଯୌନ ସମ୍ମୋହନଶୀଳ ଯନ୍ତା ରଖନ୍ତୁ । ଯେତେବେଳେ ପୁରୁଷ ପ୍ରଜାପତିର ସଂଖ୍ୟା ଗୋଟିଏ ଦିନରେ ଯନ୍ତା ପ୍ରତି ୪ ରୁ ୫ ଟି ହୋଇଯିବ, ତେବେ ନିମ୍ବମଞ୍ଜିରୁ ତିଆରି ଔଷଧ ଯଥା ଆଜାଡିରାକ୍ଟିନ୍ ୦.୧୫%କୁ ଏକର ପ୍ରତି ୮୦୦ ମି.ଲି. କିମ୍ବା ଏକର ପିଛା କ୍ଲୋରାନ୍ଟ୍ରାନିଲିପ୍ରୋଲ୍ ୦.୪% ଜି.ଆର୍. ୪ କି.ଗ୍ରା. କୁ ୧:୧ ବା ସମାନ ପରିମାଣର ବାଲି ସହିତ ମିଶାଇ ପ୍ରୟୋଗ କରନ୍ତୁ କିମ୍ବା ଏକର ପ୍ରତି ୧୨୦ ମି.ଲି. ଟେଟ୍ରାନିଲିପ୍ରୋଲ ୨୦୦ ଜି/ଏଲ ଏସ୍.ସି. କିମ୍ବା କ୍ଲୋରାନ୍ଟ୍ରାନିଲିପ୍ରୋଲ ୧୮.୫% ଏସ୍.ସି. ଏକର ପ୍ରତି ୬୦ ମି.ଲି. ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।
- ଚାଷୀ ଯଦି ପୂର୍ବରୁ କୌଣସି ଘାସ ନିୟନ୍ତ୍ରଣ ଔଷଧ ବ୍ୟବହାରକରି ନାହାନ୍ତି ତେବେ ପେନୋକ୍ସୁଲମ୍ ୧.୦୨% + ସାଇହାଲୋଫୋପ୍-ବ୍ୟୁଟାଇଲ୍ ୫.୧% ଏକର ପିଛା ୮୦୦ ମି.ଲି. ବୁଣିବାର ୧୫ ରୁ ୨୦ ଦିନରେ ୧୪୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।
- ଯଦି ମହିଷାରୋଗ ଦେଖାଯାଏ, ତେବେ ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫% + ଟେବୁକୋନାଜୋଲ ୫୦% ଏକର ପିଛା ୮୦ ଗ୍ରାମ୍ କିମ୍ବା ଏଡିଫେନ୍‌ଫସ୍ ୫୦ ଇ.ସି. ଏକର ପ୍ରତି ୨୦୦ ମି.ଲି. କିମ୍ବା କାସୁଗାମାଇସିନ୍ ୩ ଏସ୍.ଏଲ୍. ୫୦୦ ମି.ଲି., ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।
- ଚାଷୀଭାଇମାନେ ଧାନ ଚାଷ ସମ୍ପର୍କରେ ଅଧିକ ସୂଚନା ବା ବିବରଣୀ ଜାଣିବା ପାଇଁ ଜାତୀୟ ଧାନ ଗବେଷଣା ଅନୁଷ୍ଠାନ, କଟକ ଦ୍ୱାରା ବିକଶିତ ରାଇସ୍ ଏକ୍ସପୋର୍ଟ ମୋବାଇଲ ଆପ୍ (riceXpert) ଗୁଗୁଲ୍ ପ୍ଲେଷ୍ଟୋରରୁ ଡାଉନ୍‌ଲୋଡ କରି ବ୍ୟବହାର କରିପାରିବେ ।

*****